# ଆଜି ଅନୁଗୋଳ ଜିଲ୍ଲାରୁ ୩୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୨୦୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୫ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୯୭ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ସର୍ବାଧିକ ୧୨ଜଣ (୮ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଲଚେର ବ୍ଲକ୍ , ତାଲଚେର ପୌରାଞ୍ଚଳ, ଅନୁଗୋଳ ବ୍ଲକ, ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୫ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୩୨ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୨ ତା.୦୯.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଭା. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ